# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1733 CUTTACK, SATURDAY, OCTOBER 1, 2016/ASWINA 9, 1938**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 1 ସେପ୍ଟେମ୍ବର 2016

ସଂଖ୍ୟା 27106—RDM-LAB-KLD-0067/2016-R&DM.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ରେତ ମଧ୍ୟମ ଜଳସେଚନ ପ୍ରକଳ୍ପଯୋଜନାର ମଧୁପୁର ମାଇନର କେନାଲ ନିର୍ମାଣ ନିମନ୍ତେ ସରକାର, ସରକାରୀ ବ୍ୟୟରେ ମୌଜା ଧୁଙ୍କୁଟି, ଥାନା ନର୍ଲା ନଂ. ୧୨୪, ତହସିଲ ନର୍ଲା, ଜିଲ୍ଲା କଳାହାଣ୍ଡିରେ ନିମ୍ନ ତଫସିଲମତେ ପ୍ରାୟ ୧.୬୮ ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 11(1)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

1. ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ—ରେତ ମଧ୍ୟମ ଜଳସେଚନ ପ୍ରକଳ୍ପର ରେତ ମଧ୍ୟମ ଜଳସେଚନ ଯୋଜନାର ମଧୁପୁର ମାଇନର କେନାଲ ନିର୍ମାଣ ନିମନ୍ତେ ।

2. ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ—ନିର୍ବାହୀ ଯନ୍ତ୍ରୀ, କଳାହାଣ୍ଡି ଅନୁସନ୍ଧାନ ବିଭାଗ, ଭବାନୀପାଟଣା ।

3. କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ—କୌଣସି ବିସ୍ଥାପନ ହେଉନାହିଁ ।

4. ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ—ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

5. ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ—ଜିଲ୍ଲାପାଳ, କଳାହାଣ୍ଡି ।

6. ଜମିର ବିବରଣୀ—

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 | 8 | 9 |
| କଳାହାଣ୍ଡି | ନର୍ଲା | ଧୁଙ୍କୁଟି | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୧.୬୮ ଏକର | ଏଥିସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ତଥା ବିସ୍ତୃତ ବିବରଣୀ କଳାହାଣ୍ଡି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି କଳାହାଣ୍ଡି ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର 60 (ଷାଠିଏ) ଦିନ ମଧ୍ୟରେ କଳାହାଣ୍ଡି ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

**ଭୂମି ଅନୁସୂଚୀ**

| ଖାତା ନଂ. | ପ୍ଲଟ୍ ନଂ. | ଜମିର ମୋଟ ରକବା | ଅଧିସୂଚିତ ହେବାକୁଥିବା ଜମିର ପରିମାଣ | ରୟତଙ୍କ ନାମ ଏବଂ ପିତାଙ୍କ ନାମ |
|---|---|---|---|---|
| (୧) | (୨) | (୩) | (୪) | (୫) |
| | | ଏକର | ଏକର | |
| ୨୯ | ୪୫ | ୩.୭୦ | ୦.୧୦ | ମଙ୍ଗଳସାଏ ହରିଜନ, ଟିନୁ ହରିଜନ, ଲଛମନ ହରିଜନ, ପି. ଗୁଣନିଧି ହରିଜନ । |
| ୪୧/୪୪ | ୨୩ | ୩.୪୮ | ୦.୫୦ | ନିଳାମ୍ବର ଗହୀର, ଧନୁର୍ଯ୍ୟୟ ଗହୀର, ପି. କାର୍ଯ୍ୟ ଗହୀର, ଭରତ ଗହୀର, ପି. ନିଳାମ୍ବର ଗହୀର । |
| ୪୧/୧୧୯ | ୩/୧୮୧ | ୩.୦୩ | ୦.୩୦ | ଦୀପକ ପଧାନ, ପି. ଗଙ୍ଗାଧର ପଧାନ |
| ୪୧/୧୨୯ | ୩୪ | ୦.୪୪ | ୦.୧୩ | ଶ୍ରୀକାନ୍ତ ପଧାନ, ପି. ସତ୍ୟନାରାୟଣ ପଧାନ |
| | | ୦.୪୦ | ୦.୦୫ | |
| ୪୧/୧୨୮ | ୩/୩୯୨ | ୩.୯୦ | ୦.୬୦ | ସନତ ପଧାନ, ପି. ସତ୍ୟନାରାୟଣ ପଧାନ |
| | **ମୋଟ** | .. | **୧.୬୮** | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସଂଗ୍ରାମ କେଶରୀ ମହାପାତ୍ର**

ଯୁଗ୍ମ ଶାସନ ସଚିବ

Printed and Published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1153—173+20